# ତହସଲଦାରଙ୍କ କାର୍ଯ୍ୟାଳୟ, ମ.ରାମପୁର

ପତ୍ର ସଂଖ୍ୟା-୩୨୭୪ ତାରିଖ- ୨୯.୧୧.୨୦୨୪

ଆଲିଇନେସନ ମାମଲା ସଂଖ୍ୟା- ୧୯/୨୦୨୪

## ଇସ୍ତାହାର

ଏତଦ୍ଵାରା ଡମ କର୍ଲାଖୁଣ୍ଟା ଗ୍ରା.ପ. ଅଧିନସ୍ଥ ଫଟାମୁଣ୍ଡା ଗ୍ରାମର ସର୍ବସାଧାରଣଙ୍କ ଗୋଚରାର୍ଥେ ଜଣାଇଦିଆଯାଉଅଛି ଯେ, ନିମ୍ନ ତଫସିଲଭୁକ୍ତ ସରକାରୀ ଜମିଟି ବିଦ୍ୟାଳୟ ଓ ଗଣ ଶିକ୍ଷା ବିଭାଗ, ଓଡିଶା ସରକାରଙ୍କ ନାମରେ ବନ୍ଦୋବସ୍ତ କରାଯିବା ନିମନ୍ତେ ପ୍ରସ୍ତାବ ଆଗତ କରାଯାଇଅଛି। ଏଥି ସମ୍ବନ୍ଧୀୟ ମାମଲା ଏହି କାର୍ଯ୍ୟାଳୟରେ ଅନୁଷ୍ଠିତ କରାଯାଇ ତତ ସମ୍ବନ୍ଧୀୟ ବିହିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି ।ଉକ୍ତ ଜମି ଆବାଦଯୋଗ୍ୟ ଅନାବାଦୀ ଖାତାଭୁକ୍ତ ଏବଂ କିସମ ପତିତ ଅଟେ । ଏହି ଜାଗା ଉପରେ ଫଟାମୁଣ୍ଡା ପ୍ରାଥମିକ ବିଦ୍ୟାଳୟ ସ୍ଥାପିତ ହୋଇ କାର୍ଯ୍ୟକାରୀ ହୋଇ ଆସୁଅଛି । ଅତଏବ ଏହି ମାମଲା ଉପରେ ଯଦି କାହାର କୌଣସି ଆପତ୍ତି/ଅଭିଯୋଗ ଥାଏ ତାହେଲେ ଏହି ଇସ୍ତାହାର ଜାରି ହେବା ତାରିଖ ଠାରୁ ପରବର୍ତ୍ତୀ ୧୫ (ପନ୍ଦର) ଦିନ ମଧ୍ୟରେ ନିମ୍ନ ସ୍ଵାକ୍ଷରକାରୀ ଅଧିକାରୀଙ୍କ କାର୍ଯ୍ୟାଳୟରେ ଲିଖିତ ଆକାରରେ ଆବଶ୍ୟକୀୟ କୋର୍ଟ ଫିଜ୍ ଷ୍ଟାମ୍ପ ଲଗାଇ ଏହାର ଶୁଣାଣି ନିମନ୍ତେ ଆପତ୍ତି/ ଅଭିଯୋଗ ଦାଖଲ କରିପାରିବେ । ଧାର୍ଯ୍ୟ ସମୟ ଗତେ କୌଣସି ଆପତ୍ତି/ ଅଭିଯୋଗ ଗ୍ରହଣ କରାଯିବ ନାହିଁ ।

### ମାମଲା ଜମିର ବିବରଣୀ

| ମୌଜା | ଖାତାନଂ | ପ୍ଲ ନଂ | କିସମ | ମୋଟ ଏରିଆ | ପ୍ରସ୍ତାବିତ ଏରିଆ |
|---|---|---|---|---|---|
| ଫଟାମୁଣ୍ଡା | ୭୫ (ଆବାଦ ଯୋଗ୍ୟ ଅନାବାଦି) | ୨୦୨ | ପତିତ | ଏ ୩୧.୧୭ ଡି | ଏ 0.10 ଡି |

ତହସିଲଦାର
ମ.ରାମପୁର

TAHASILDAR
M.RAMPUR

ସ୍ମାରକ ସଂଖ୍ୟା -୩୨୭୫ ତାରିଖ - ୨୯.୧୧.୨୦୨୪

ଏହି ଇସ୍ତାହାରର ଏକକିତା ନକଲ ଏହି କାର୍ଯ୍ୟାଳୟ ର ନୋଟିସ ଫଳକରେ ସର୍ବସାଧାରଣଙ୍କ ଅବଗତି ନିମନ୍ତେ ପ୍ରକାଶିତ କରାଗଲା ।

ଏହାର ଏକକିତା ନକଲ ରାଜସ୍ଵ ନିରୀକ୍ଷକ, ମାଣିକେରା ମଣ୍ଡଳ/ ସରପଞ୍ଚ, ଡମ କର୍ଲାଖୁଣ୍ଟା ଗ୍ରା.ପଙ୍କୁ ପ୍ରେରଣ କରି ଅନୁରୋଧ କରାଗଲା କି ଜନସାଧାରଣଙ୍କ ଅବଗତି ନିମନ୍ତେ ସେମାନଙ୍କ କାର୍ଯ୍ୟାଳୟର ନୋଟିସ ଫଳକରେ ପ୍ରକାଶିତ କରିବେ । ଏହା ଛଡା ଫଟାମୁଣ୍ଡା ଗ୍ରାମର ପ୍ରମୁଖ ସ୍ଥାନରେ ଜନସାଧାରଣଙ୍କ ଅବଗତି ନିମନ୍ତେ ଲଟକାଜାରି କରାଗଲା ।

ଏହାର ଏକକିତା ନକଲ ଜିଲ୍ଲା ସୂଚନା କେନ୍ଦ୍ର ଅଧିକାରୀ (ଜାତୀୟ ସୂଚନା କେନ୍ଦ୍ର), କଳାହାଣ୍ଡିଙ୍କୁ ସର୍ବସାଧାରଣଙ୍କ ଅବଗତି ନିମନ୍ତେ କଳାହାଣ୍ଡି ଜିଲ୍ଲା ୱେବସାଇଟ(kalahandi.nic.in) ରେ ଅପଲୋଡ କରିବା ନିମନ୍ତେ ପ୍ରେରଣ କରାଗଲା।

ତହସିଲଦାର
ମ.ରାମପୁର

TAHASILDAR
M.RAMPUR